# REGIONAL NEWS UNIT, AIR CUTTACK

## Morning Bulletin (7.05 AM)

**20 May – 2025**

## ବୈଦେଶିକ ସଚିବ

ଭାରତ-ପାକିସ୍ତାନ ମଧ୍ୟରେ ହୋଇଥିବା ଅସ୍ତ୍ରବିରତି ଏକ ଦ୍ୱିପାକ୍ଷିକ ନିଷ୍ପତ୍ତି । ଏହି ନିଷ୍ପତ୍ତିରେ ଆମେରିକାର କୌଣସି ଭୂମିକା ନାହିଁ ବୋଲି ବୈଦେଶିକ ମନ୍ତ୍ରଣାଳୟ ସଚିବ ବିକ୍ରମ ମିଶ୍ରି ସଂସଦୀୟ କମିଟି ନିକଟରେ ସ୍ପଷ୍ଟ କରିଛନ୍ତି ।  ଶ୍ରୀ ମିଶ୍ରି କହିଛନ୍ତି, ଭାରତ-ପାକିସ୍ତାନ ମଧ୍ୟରେ ହୋଇଥିବା ସଂଘର୍ଷ ପାରମ୍ପରିକ ଅସ୍ତ୍ର ମଧ୍ୟରେ ସୀମିତ ଥିଲା । ପରମାଣୁ ଅସ୍ତ୍ର ପ୍ରୟୋଗ ଲାଗି ପାକିସ୍ତାନ ପକ୍ଷରୁ କୌଣସି ପ୍ରକାର ସଂକେତ ମିଳି ନଥିଲା । ଯୁଦ୍ଧ ଉତ୍ତେଜନା ବନ୍ଦ ପାଇଁ ଦୁଇଦେଶର ସାମରିକ ଅଧିକାରୀଙ୍କ ସ୍ତରରେ କଥାବାର୍ତ୍ତା ହୋଇଥିଲା । ଏହି ସମୟରେ ଉଭୟପକ୍ଷ ଅସ୍ତ୍ର ବିରତି ନେଇ ସହମତି ପ୍ରକାଶ କରିଥିଲେ । ସମ୍ମତି ଆଧାରରେ ଅସ୍ତ୍ରବିରତି ଅନିର୍ଦ୍ଦିଷ୍ଟ କାଳ ପାଇଁ ବଳବତ୍ତର ରହିଛି ବୋଲି ଶ୍ରୀ ମିଶ୍ରି କହିଛନ୍ତି ।

## ନୀତି ଆୟୋଗ ବୈଠକ

ନୂଆଦିଲ୍ଲୀରେ ଆସନ୍ତା ୨୪ ତାରିଖ ଦିନ ନୀତି ଆୟୋଗର ଦଶମ ପ୍ରଶାସନିକ ପରିଷଦ ବୈଠକ ଅନୁଷ୍ଠିତ ହେବ । ଏହି ବୈଠକରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଯୋଗଦେବାର କାର୍ଯ୍ୟକ୍ରମ ରହିଛି ।

ଏହି ପରିପ୍ରେକ୍ଷୀରେ ବିକଶିତ ଭାରତ ୨୦୪୭ର ରୂପରେଖ ସଂପର୍କରେ ବିସ୍ତୃତ ଆଲୋଚନା ହେବ ବୋଲି ଜଣାପଡ଼ିଛି ।

## ରାଜ୍ୟ ମୁଖ୍ୟ ନିର୍ବାଚନ ଅଧିକାରୀ

ନିର୍ବାଚନ ସମୟରେ ଦିବ୍ୟାଙ୍ଗମାନେ ଯେଭଳି ସହଜରେ ବୁଥ୍‌କୁ ଆସି ମତଦାନ କରିପାରିବେ, ସେଥିପ୍ରତି ଗୁରୁତ୍ୱ ଦେବାକୁ ଓଡ଼ିଶାର ମୁଖ୍ୟ ନିର୍ବାଚନ ଅଧିକାରୀ ଆର୍.ଏସ୍. ଗୋପାଳନ ପରାମର୍ଶ ଦେଇଛନ୍ତି । ଭୁବନେଶ୍ୱରସ୍ଥିତ ମୁଖ୍ୟ ନିର୍ବାଚନ ଅଧିକାରୀଙ୍କ ସମ୍ମିଳନୀ କକ୍ଷରେ ସୁଗମ ନିର୍ବାଚନ ନେଇ ଅନୁଷ୍ଠିତ ବୈଠକରେ ଶ୍ରୀ ଗୋପାଳନ ଦିବ୍ୟାଙ୍ଗ ଭୋଟର ଚିହ୍ନଟ, ର‌୍ୟାମ୍ପ୍ ବ୍ୟବସ୍ଥା ଏବଂ ଅନ୍ୟାନ୍ୟ ଉପଲବ୍ଧ ସୁବିଧା ସଂପର୍କରେ ସଚେତନତା ସୃଷ୍ଟି ନିମନ୍ତେ ବିଭିନ୍ନ ପଦକ୍ଷେପ ଗୁଡ଼ିକ ସଂପର୍କରେ ଆଲୋଚନା କରିଥିଲେ । ବୈଠକରେ ଅତିରିକ୍ତ ମୁଖ୍ୟ ନିର୍ବାଚନ ଅଧିକାରୀ ଏବଂ ଉପନିର୍ବାଚନ ଅଧିକାରୀ ପ୍ରମୁଖ ଯୋଗ ଦେଇଥିଲେ ।

## ଉପମୁଖ୍ୟମନ୍ତ୍ରୀ

ରାଜ୍ୟରେ ଆଗାମୀ ଦିନରେ ସମାଜ କଲ୍ୟାଣ ବୋର୍ଡ ସରକାରଙ୍କ ଯୋଜନାଗୁଡ଼ିକୁ ଲୋକମାନଙ୍କ ନିକଟରେ ପହଞ୍ଚାଇବା ଲାଗି କାର୍ଯ୍ୟ କରିବ ବୋଲି ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା କହିଛନ୍ତି । ଶ୍ରୀମତୀ ପରିଡ଼ାଙ୍କ ଅଧ୍ୟକ୍ଷତାରେ ମହିଳା ଓ ଶିଶୁ ବିକାଶ ବିଭାଗର ସମ୍ମିଳନୀ କକ୍ଷରେ ଅନୁଷ୍ଠିତ ବୈଠକରେ ପ୍ରତିଷ୍ଠିତ ଅଣସରକାରୀ ସଂଗଠନକୁ ତାଲିକାଭୁକ୍ତ କରାଯାଇ

ଗାଁ ଗାଁରେ ଜନସଚେତନତା ସୃଷ୍ଟି ଉପରେ ଗୁରୁତ୍ୱ ଦିଆଯାଇଛି । ଭିତ୍ତିଭୂମି ବିକାଶ, ବାର୍ଷିକ କାର୍ଯ୍ୟାବଳୀ କ୍ୟାଲେଣ୍ଡର ଭଳି ବିଷୟ ଉପରେ ବୈଠକରେ ଆଲୋଚନା ହୋଇଛି ।

## ଉପମୁଖ୍ୟମନ୍ତ୍ରୀ-ମହିଳା ଉଦ୍ୟୋଗୀ

ଗ୍ରାମାଞ୍ଚଳର ମହିଳା ଉଦ୍ୟୋଗୀମାନଙ୍କ ନିରନ୍ତର ବିକାଶ ଉପରେ ଅଧିକ ପ୍ରାଧାନ୍ୟ ଦେବାକୁ ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା ମିଶନଶକ୍ତି ବିଭାଗର ଅଧିକାରୀମାନଙ୍କୁ ପରାମର୍ଶ ଦେଇଛନ୍ତି । ଭୁବନେଶ୍ୱର ମିଶନଶକ୍ତି ଭବନରେ 'କର୍ପୋରେଟ ସାମାଜିକ ଦାୟିତ୍ୱ ପଦକ୍ଷେପ ମାଧ୍ୟମରେ ମହିଳା ନେତୃତ୍ୱାଧୀନ ଉଦ୍ୟୋଗ ଗୁଡ଼ିକର ପ୍ରୋତ୍ସାହନ' ଶୀର୍ଷକ ବୈଠକରେ ଅଧ୍ୟକ୍ଷତା କରି ଶ୍ରୀମତୀ ପରିଡ଼ା କହିଛନ୍ତି, ଗୋଟିଏ ଜିଲ୍ଲା ଗୋଟିଏ ଉତ୍ପାଦକୁ ଗୁରୁତ୍ୱ ଦେଇ ସ୍ୱୟଂସହାୟକ ଗୋଷ୍ଠୀଗୁଡ଼ିକ କାର୍ଯ୍ୟ କରିବା ଆବଶ୍ୟକ । ଉପମୁଖ୍ୟମନ୍ତ୍ରୀ ମହିଳାମାନଙ୍କର ମାନସିକ ସ୍ୱାସ୍ଥ୍ୟ ଓ ସ୍ୱଚ୍ଛତା ଉପରେ ବୈଠକରେ ଗୁରୁତ୍ୱ ପ୍ରଦାନ କରିଥିଲେ ।

## ଅମିତାଭକାନ୍ତ-ଝାରସୁଗୁଡ଼ା

ନୀତି ଆୟୋଗର ପୂର୍ବତନ ଅଧ୍ୟକ୍ଷ ତଥା ଜି-୨୦ରେ ଭାରତ ସରକାରଙ୍କ ପ୍ରତିନିଧି ସେରପା ଅମିତାଭ କାନ୍ତ ଝାରସୁଗୁଡ଼ା ଜିଲ୍ଲା ଗସ୍ତରେ ଯାଇ ବିଭିନ୍ନ ଉନ୍ନୟନମୂଳକ କାର୍ଯ୍ୟର ସମୀକ୍ଷା କରିଛନ୍ତି । ଝାରସୁଗୁଡ଼ାକୁ ବିକଶିତ ଜିଲ୍ଲାରେ ପରିଣତ କରିବା ଲାଗି ଯୋଜନା ପ୍ରସ୍ତୁତ ପାଇଁ ସେ

ମାର୍ଗଦର୍ଶନ କରିଛନ୍ତି । ଜିଲ୍ଲାପାଳଙ୍କ ସମ୍ମିଳନୀ କକ୍ଷରେ ଅନୁଷ୍ଠିତ ବୈଠକରେ ମୌଳିକ ସମସ୍ୟାଗୁଡ଼ିକର ସମାଧାନ ପାଇଁ ବିଭିନ୍ନ ଯୋଜନା ପ୍ରସ୍ତୁତ କରାଯିବ ବୋଲି ଅମିତାଭ କାନ୍ତ କହିଛନ୍ତି ।

## ଜିଓ ରେଫରେନ୍ସିଂ

ରାଜ୍ୟର ୬୦ ହଜାର ବର୍ଗକିଲୋମିଟର ଜଙ୍ଗଲ ଜମିର ଜିଓ ରେଫରେନ୍ସିଂ କାର୍ଯ୍ୟ ଜାରି ରହିଛି । ପ୍ରାୟ ୯୫ ପ୍ରତିଶତ କାର୍ଯ୍ୟ ଶେଷ ହୋଇଥିବା ସମୀକ୍ଷା ବୈଠକରୁ ଜଣାପଡ଼ିଛି । କେନ୍ଦ୍ର ଜଙ୍ଗଲ, ପରିବେଶ ଓ ଜଳବାୟୁ ପରିବର୍ତ୍ତନ ମନ୍ତ୍ରଣାଳୟ ପକ୍ଷରୁ ଗଠିତ କମିଟିର ବୈଠକରେ ଜଙ୍ଗଲ ଜମିର ସଂରକ୍ଷଣ ଓ ଉନ୍ନୟନମୂଳକ କାର୍ଯ୍ୟ ତ୍ୱରାନ୍ୱିତ କରିବା କ୍ଷେତ୍ରରେ ଜିଓ ରେଫରେନ୍ସିଂ ସହାୟକ ହେବ ବୋଲି ମତ ପ୍ରକାଶ ପାଇଛି ।

## କ୍ରୀଡ଼ାମନ୍ତ୍ରୀ

ରାଜ୍ୟରେ ତୃଣମୂଳସ୍ତରରେ କ୍ରୀଡ଼ା ଭିତ୍ତିଭୂମିକୁ ସୁଦୃଢ଼ କରିବା ଲାଗି ସମସ୍ତ ୩୧୪ଟି ବ୍ଲକରେ ବ୍ଲକସ୍ତରୀୟ ଷ୍ଟାଡିୟମ ନିର୍ମାଣ କରାଯାଉଛି ବୋଲି କ୍ରୀଡ଼ାମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ କହିଛନ୍ତି । କଟକ ଜିଲ୍ଲାର ବଡ଼ମ୍ବା ବ୍ଲକରେ ବ୍ଲକସ୍ତରୀୟ ଷ୍ଟାଡିୟମର ଭିତ୍ତିପ୍ରସ୍ତର ସ୍ଥାପନ ଅବସରରେ ଶ୍ରୀ ସୂରଜ କହିଛନ୍ତି ପ୍ରତିଟି ଗାଁରେ କ୍ରୀଡ଼ା ଭିତ୍ତିଭୂମିର ବିକାଶ ପାଇଁ ରାଜ୍ୟ ସରକାର ୪ ହଜାର ୧୨୪ କୋଟି ଟଙ୍କା ବ୍ୟୟ ବରାଦ କରିଛନ୍ତି ।

ଆଗାମୀ ଦିନରେ ପ୍ରତିଟି ଗାଁରେ ଜାତୀୟ ଓ ଅନ୍ତର୍ଜାତୀୟ ସ୍ତରର କ୍ରୀଡ଼ାବିତ୍ ସୃଷ୍ଟି କରିବାରେ ଏହା ସହାୟକ ହେବ ବୋଲି କ୍ରୀଡ଼ାମନ୍ତ୍ରୀ କହିଛନ୍ତି ।

## ଚନ୍ଦନଯାତ୍ରା

ପବିତ୍ର ଅକ୍ଷୟତୃତୀୟାଠାରୁ ଆରମ୍ଭ ହୋଇଥିବା ମହାପ୍ରଭୁଙ୍କ ବାହାର ଚନ୍ଦନଯାତ୍ରାରେ ଆଜି ହଳଦୀପାଣି ନୀତି ଅନୁଷ୍ଠିତ ହେବ । ଗତକାଲି ନରେନ୍ଦ୍ର ପୁଷ୍କରିଣୀରେ ମହାପ୍ରଭୁଙ୍କ ଭଉଁରୀ ନୀତି ସଂପନ୍ନ ହୋଇଛି ।

## ପାଣିପାଗ

କାଳବୈଶାଖୀର ପ୍ରଭାବରେ ରାଜ୍ୟର ବିଭିନ୍ନ ସ୍ଥାନରେ ବର୍ଷା ହୋଇଯାଇଛି । ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ରର ସୂଚନା ଅନୁସାରେ, ଆସନ୍ତା ଶୁକ୍ରବାର ପର୍ଯ୍ୟନ୍ତ ରାଜ୍ୟରେ କାଳବୈଶାଖୀ ଜନିତ ବର୍ଷା ହେବାର ସମ୍ଭାବନା ରହିଛି । ଅପରପକ୍ଷରେ ଗତକାଲି ସମ୍ବଲପୁରଠାରେ ଦିନର ସର୍ବୋଚ୍ଚ ତାପମାତ୍ରା ୪୨ ଡିଗ୍ରୀ ସେଲ୍‌ସିୟସ୍ ରେକର୍ଡ କରାଯାଇଥିଲା ।